ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୯୧ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୪୨୫୪୧ରେ ପହଞ୍ଚିଲା - ସୁସ୍ଥ ହେଲେ ୮୯ ଜଣ ।

ଅନୁଗୋଳ, ତା.୨୩.୦୭:- ଆଜି ଅନୁଗୋଳ ଜିଲ୍ଲାରେ ୯୧ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ତାଲଚେର ବ୍ଲକ୍ ଅଂଚଳରୁ ୧୮ ଜଣ (୧୦ ଜଣ ପୁରୁଷ ଓ ୮ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୪ଜଣ ( ୯ଜଣ ପୁରୁଷ ଓ ୫ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୧ଜଣ (୭ ଜଣ ପୁରୁଷ ଓ୪ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୦ଜଣ ( ୯ଜଣ ପୁରୁଷ ଓ୧ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୮ଜଣ ( ୬ଜଣ ପୁରୁଷ ଓ ୨ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୭ଜଣ ( ୪ଜଣ ପୁରୁଷ ଓ ୩ଜଣ ମହିଳା), ତାଲଚେର ପୌରାଞ୍ଚଳରୁ ୭ଜଣ ( ୪ଜଣ ପୁରୁଷ ଓ ୩ଜଣ ମହିଳା), ବଣ୍ଡଁରପାଳ ବ୍ଲକ୍ ଅଂଚଳରୁ ୬ଜଣ ( ୪ଜଣ ପୁରୁଷ ଓ ୨ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ (୧ଜଣ ପୁରୁଷ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକ ମଧ୍ୟରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୮୯ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୨୧୧ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୩ ଲକ୍ଷ ୫୯ହଜାର ୨୮୭ ଜଣଙ୍କୁ ଟିକା ଦିଆଗଲାଣି ।